# ନଭେମ୍ବର ମାସ ପାଇଁ ଅନୁଗୋଳ ଜିଲ୍ଲାପାଳଙ୍କ ମିଳିତ ଜନ ଶୁଣାଣି କାର୍ଯ୍ୟକ୍ରମ ।

## Joint hearing of public Grivance for the month of November-2019.

ଅନୁଗୋଳ,ତା.୦୧.୧୧ :- ଅନୁଗୋଳ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତିଙ୍କ ନଭେମ୍ବର ମାସ ପାଇଁ ମିଳିତ ଜନଶୁଣାଣୀ କାର୍ଯ୍ୟକ୍ରମ ସ୍ଥିର ହୋଇଛି । ଏଥିରେ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ଓ ଅନୁଗୋଳ ଆରକ୍ଷୀ ଅଧୀକ୍ଷକ ଶ୍ରୀ ଜଗମୋହନ ମୀନାଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀମାନେ ଯୋଗ ଦେବେ । ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ନଭେମ୍ବର ୪ତାରିଖ (ସୋମବାର) ପୂର୍ବାହ୍ନ ୧୦ ଘଟିକା ସମୟରେ ମିଳିତ ଜନଶୁଣାଣୀ କାର୍ଯ୍ୟକ୍ରମ ପାଲଲହଡା ବ୍ଲକ କାର୍ଯ୍ୟାଳୟ ଠାରେ ଅନୁଷ୍ଠିତ ହେଉଥିବା ବେଳେ ୧୧ ତାରିଖ(ସୋମବାର) ପୂର୍ବାହ୍ନ ୧୦ ଘଟିକା ସମୟରେ ଜିଲ୍ଲା କାର୍ଯ୍ୟାଳୟରେ , ୧୮ ତାରିଖ (ସୋମବାର) ପୂର୍ବାହ୍ନ ୧୦ ଘଟିକା ସମୟରେ ଛେଣ୍ଡିପଦା ବ୍ଲକ୍ କାର୍ଯ୍ୟାଳୟ ଏବଂ ୨୫ ତାରିଖ (ସୋମବାର) ପୂର୍ବାହ୍ନ ୧୦ ଘଟିକା ସମୟରେ କଣିହାଁ ବ୍ଲକ କାର୍ଯ୍ୟାଳୟ ଠାରେ ଅନୁଷ୍ଠିତ ହେବ । ସେହିପରି ୪ ତାରିଖ(ସୋମବାର) ଅପରାହ୍ନ ୩ ଘଟିକା ସମୟରେ ପାଲଲହଡା ବ୍ଲକ୍‌ର ବଡିହୁଆଁ ଗ୍ରାମ ପଞ୍ଚାୟତ ଠାରେ କୃଷି ସମାଧାନ ଶିବିର ଅନୁଷ୍ଠିତ ହେବ ବୋଲି କାର୍ଯ୍ୟକ୍ରମ ସ୍ଥିର ହୋଇଛି । ଏହି ସମସ୍ତ କାର୍ଯ୍ୟକ୍ରମରେ ସମ୍ପୃକ୍ତ ଅଞ୍ଚଳର ଜନସାଧାରଣ ଯୋଗ ଦେଇ ନିଜ ନିଜର ଆପତ୍ତି ଅଭିଯୋଗ ଉପସ୍ଥାପନ କରିବାକୁ ଜିଲ୍ଲା ପ୍ରଶାସନ ତରଫରୁ ଜଣାଇ ଦିଆଯାଇଛି